The Odisha Gazette

EXTRAORDINARY

PUBLISHED BY AUTHORITY

No. 1960 CUTTACK, WEDNESDAY, AUGUST 16, 2023/SRAVANA 25, 1945

# ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

## ସାମାଜିକ ପ୍ରଭାବ ନିର୍ଦ୍ଧାରଣ ନିମନ୍ତେ ଘୋଷଣା

**S.R.O. No. 536**/2023 Dated 28-07-2023

ସର୍ବସାଧାରଣଙ୍କ ଅବଗତି ନିମନ୍ତେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ ଅର୍ଜନ , ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ର ଧାରା ୮, ଅଧିନିୟମ ୨ ଅନୁସାରେ ରାୟଗଡ଼ ଜିଲ୍ଲାର ୧ ଗୋଟି ମୌଜା- ପାଇକପଡା ରେ ମୋଟ **ଏ ୩.୨୦** ଜାଗା ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ପୂଜାରିଗୁଡା କ୍ଷୁଦ୍ର ଜଳସେଚନ ପ୍ରକଳ୍ପ କେନାଲ ନିର୍ମାଣ ନିମନ୍ତେ ନିର୍ବାହୀ ଯନ୍ତ୍ରୀ , କ୍ଷୁଦ୍ର ଜଳସେଚନ ବିଭାଜନ, ରାୟଗଡ଼ଙ୍କ ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଥିବା ନିମ୍ନ ସୂଚିତ 'କ' ତଫସିଲ ଜମି ନିମନ୍ତେ ଜିଲ୍ଲାପାଳ ରାୟଗଡ଼ଙ୍କ ପ୍ରଦତ୍ତ ରିପୋର୍ଟ ଏବଂ ବିଶେଷଜ୍ଞ ଗୋଷ୍ଠୀ ରିପୋର୍ଟକୁ ତର୍ଜମା କରି ସରକାରଙ୍କ ଦ୍ୱାରା ନିମ୍ନୋକ୍ତ ନିଷ୍ପତି ନିଆଗଲା ।

୧. ସର୍ବସାଧାରଣ ଉଦ୍ଦେଶ୍ୟରେ ଚିହ୍ନିତ କରାଯାଇଥିବା ପ୍ରସ୍ତାବିତ ଆବଶ୍ୟକ ଜମି ଅଧିଗ୍ରହଣ ବିଧି ସଙ୍ଗତ ଏବଂ ଯଥାର୍ଥ ଅଟେ ।

୨. ଏହି ପ୍ରକଳ୍ପ ପାଇଁ ଆକଳନ କରାଯାଇଥିବା ଖର୍ଚ୍ଚଠାରୁ ସମ୍ଭାବ୍ୟ ଉପକାର ଓ ସର୍ବସାଧାରଣ ହିତର ମୂଲ୍ୟ ଯଥେଷ୍ଟ ଅଧିକ ଅଟେ ।

୩. ଏହି ପ୍ରକଳ୍ପ ପାଇଁ ଆବଶ୍ୟକ ହେଉଥିବା ସର୍ବନିମ୍ନ ଜମି ଅଧିଗ୍ରହଣ ପାଇଁ ପ୍ରସ୍ତାବ ଦିଆଯାଇଅଛି ।

୪. ପୂର୍ବରୁ ଅଧିଗ୍ରହଣ ହୋଇଥିବା ବଳକା ଜମି ଉପଯୋଗ କରାଯାଇନାହିଁ ।

୫. ଉକ୍ତ ପ୍ରକଳ୍ପରେ କୌଣସି ଲୋକ ବିସ୍ଥାପିତ ହେଉନାହାନ୍ତି, ପ୍ରପୀଡିତ ବ୍ୟକ୍ତି ବିଶେଷଙ୍କର ସର୍ବନିମ୍ନ ପ୍ରତିକୂଳ ପ୍ରଭାବ ଓ ଭିତ୍ତିଭୂମିର ପ୍ରୟୋଗ ନିମନ୍ତେ ଧ୍ୟାନ ରଖାଯାଇଅଛି ।

ଓଡିଶା ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ନିୟମାବଳୀ, ୨୦୧୬ ର ନିୟମ ୧୭ ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା ଜିଲ୍ଲାପାଳ ଏବଂ ବିଶେଷଜ୍ଞ ଗୋଷ୍ଠି ରିପୋର୍ଟ କୁ ପରୀକ୍ଷା କରି ନିୟମ ୧୫ ଅନୁସାରେ ଓଡିଆ ଭାଷାରେ ଅନୁରୂପଭାବରେ ଉପସ୍ଥାପିତ କରାଗଲା । ଏହାପରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧, ଅଧିନିୟମ ୧ ରେ ଅଧିସୂଚନା ପାଇଁ ପ୍ରୟୋଜନ କରାଯିବ ।

ତଫସିଲ – କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା- ରାୟଗଡ଼

| କ୍ରମିକ ନଂ | ଗ୍ରାମର ନାମ | ତହସିଲ | ଗ୍ରାମାଞ୍ଚଳ/ସହରାଞ୍ଚଳ | ଖାତା ନଂ | ପ୍ଲଟ ନଂ | କିସମ | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|---|---|
| ୧ | ପାଇକପଡା | କୋଲନରା | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | **ଏ. ୮.୮୫** | **ଏ.୩.୨୦** | ଏଥି ସହିତ ସଂଲଗ୍ନ |
| | | | | | | ମୋଟ | **ଏ. ୮.୮୫** | **ଏ.୩.୨୦** | |

*ଏଥି ସହିତ ଭୂମି ଅନୁସୂଚୀ ସଂଲଗ୍ନ କରାଯାଇଛି

| ଭୂମି ଅଧିଗ୍ରହଣ ଅନୁସୁଚୀ | | | | | | |
|---|---|---|---|---|---|---|
| ମୌଜା -ପାଇକପଡା(ଗ୍ରାମାଞ୍ଚଳ), ତହସିଲ- କୋଲନରା, ଥାନା-ଚାନ୍ଦିଲି, ଥାନା ନଂ.୧ ୨ ଜିଲ୍ଲାରାୟଗଡା- | | | | | | |
| ପୂଜାରିଗୁଡା କ୍ଷୁଦ୍ର ଜଳସେଚନ ପ୍ରକଳ୍ପ ନିମନ୍ତେ | | | | | | |
| ଖାତା ନଂ. | ସତ୍ତ୍ୱ | କିସମ | ପ୍ଲଟ ନଂ. | ମୋଟ ରକବା (ଏକର) | ଅଧିଗ୍ରହଣ ରକବା (ଏକର) | ରୟତଙ୍କ ନାମ ପିତାଙ୍କ ନାମସ୍ୱାମୀଙ୍କ ନାମ/ |
| ୧୭ | ରୟତି | ଡଙ୍ଗର ତିନି | ୧୮୫ | ୧.୦୬ | ୦.୨୦ | ରାମଚନ୍ଦ୍ର ରଥ, ପି - ବୈଦ୍ୟନାଥ-ରଥ, ଜା-ବ୍ରାହ୍ମଣ, ବା -ନିଜ ଗାଁ- |
| | ରୟତି | ଧାନ ତିନି | ୧୮୬ | ୦.୫୮ | ୦.୪୦ | |
| | ରୟତି | ଡଙ୍ଗର ତିନି | ୧୭୬ | ୭.୨୧ | ୨.୬୦ | |
| | | | **ମୋଟ** | **୮.୮୫** | **୩.୨୦** | |

**[No. 27336—RDM-LAB-RGD-0014/2022-R&DM]**

ରାଜ୍ୟପାଳଙ୍କ ଆଦେଶାନୁସାରେ

ମଧୁସ୍ମିତା ସାହୁ

ଅତିରିକ୍ତ ଶାସନ ସଚିବ

Printed and Published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1245—173+25